ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 1384/04-03-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୪ ମାର୍ଚ୍ଚ,୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କହିଛନ୍ତି ଯେ ଇନ୍‌ଭେଷ୍ଟ ଇନ୍ ଓଡ଼ିଶାକୁ ସଶକ୍ତ କରିବା ଲକ୍ଷ୍ୟରେ ରାଜ୍ୟ ସରକାର ଆଜି ଆର୍ସେଲର ମିତ୍ତଲ–ନିପନ୍ ଷ୍ଟିଲ, ଇଣ୍ଡିଆ ସହିତ କେନ୍ଦ୍ରାପଡ଼ା ଜିଲ୍ଲାରେ ୫୦ ହଜାର କୋଟି ଟଙ୍କାର ୧୨ ମିଲିୟନ୍ ଟନ୍ କ୍ଷମତା ବିଶିଷ୍ଟ ଏକ ସମନ୍ୱିତ ଷ୍ଟିଲ୍ ପ୍ଲାଣ୍ଟ ପ୍ରତିଷ୍ଠା ପାଇଁ ବୁଝାମଣାପତ୍ର ସ୍ୱାକ୍ଷର କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କେନ୍ଦ୍ରାପଡ଼ା ଜିଲ୍ଲା ବିଜୁବାବୁଙ୍କର କର୍ମଭୂମି ଥିଲା ଏବଂ ସେ ଏହି ସ୍ଥାନ ଏବଂ ଏଠାର ଜନସାଧାରଣଙ୍କୁ ହୃଦୟରୁ ଭଲ ପାଉଥିଲେ । ସେ କହିଛନ୍ତି ଯେ କେନ୍ଦ୍ରାପଡ଼ାରେ ସମନ୍ୱିତ ଷ୍ଟିଲ୍ କମ୍ପ୍ଲେକ୍ସ ପାଇଁ ପର୍ଯ୍ୟାପ୍ତ ସୁଯୋଗ ରହିଛି ଏବଂ ରାଜ୍ୟ ସରକାର ଏହି ବୃହତ୍ ପ୍ରକଳ୍ପର ପ୍ରତିଷ୍ଠା ପାଇଁ ସମସ୍ତ ଆବଶ୍ୟକୀୟ ସହାୟତା ଓ ସୁବିଧା ଯୋଗାଇଦେବେ । ସେ ମଧ୍ୟ କହିଛନ୍ତି ଯେ ଦୂରଦୃଷ୍ଟିସଂପନ୍ନ ଶିଳ୍ପନୀତି, ସୁବିଧାପ୍ରଦାନ କାର୍ଯ୍ୟପ୍ରଣାଳୀ ଏବଂ ସୁଦୃଢ଼ ଭିତ୍ତିଭୂମିଗତ ବିକାଶ ଯୋଗୁ ଓଡ଼ିଶା ଆଜି ଦେଶରେ ଶ୍ରେଷ୍ଠ ଆକର୍ଷଣୀୟ ପୁଂଜିନିବେଶ ଲକ୍ଷ୍ୟସ୍ଥଳ ଭାବେ ସଫଳତାର ସହ ଉଭା ହୋଇଛି ।

- ମିତ୍ତଲ ଗ୍ରୁପ୍‌ର ଅଧ୍ୟକ୍ଷ ଶ୍ରୀ ଏଲ୍.ଏନ୍. ମିତ୍ତଲ କହିଛନ୍ତି ଯେ ଓଡ଼ିଶାର ସରକାରଙ୍କ ତ୍ୱରିତ କାର୍ଯ୍ୟପ୍ରଣାଳୀରେ ସେ ଅତ୍ୟନ୍ତ ଆନନ୍ଦିତ ଏବଂ ଏହା ତାଙ୍କର ବିଶ୍ୱବ୍ୟାପୀ ଅଭିଜ୍ଞତା ଆଧାରରେ ସର୍ବଶ୍ରେଷ୍ଠ । ରାଜ୍ୟରେ ଶିଳ୍ପ ଅଭିବୃଦ୍ଧି ଯାତ୍ରାରେ ଓଡ଼ିଶା ସରକାରଙ୍କ ସହ ସହଯୋଗ କରିବା ପାଇଁ ଶ୍ରୀ ମିତ୍ତଲ ତାଙ୍କ ପ୍ରତିବଦ୍ଧତାକୁ ଦୋହରାଇଛନ୍ତି ।

- ଶିଳ୍ପ ବିଭାଗ ପ୍ରମୁଖ ଶାସନ ସଚିବ ଶ୍ରୀ ହେମନ୍ତ ଶର୍ମା ଏବଂ ଆର୍ସେଲର ମିତ୍ତଲ ନିପ୍ପନ ଷ୍ଟିଲ୍, ଇଣ୍ଡିଆର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଶ୍ରୀ ଦିଲ୍ଲୀପ ଓମେନ୍ ଏହି ବୁଝାମଣାପତ୍ରରେ ସ୍ୱାକ୍ଷର କରିଥିଲେ । ମାନ୍ୟବର ମନ୍ତ୍ରୀ, ଇସ୍ପାତ ଓ ଖଣି ଶ୍ରୀ ପ୍ରଫୁଲ୍ଲ କୁମାର ମଲ୍ଲିକ, ମହାକାଳପଡ଼ା ମାନ୍ୟବର ବିଧାୟକ ଶ୍ରୀ ଅତନୁ ସବ୍ୟସାଚୀ ନାୟକ, ମୁଖ୍ୟ ଶାସନ ସଚିବ, ଉନ୍ନୟନ କମିଶନର, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ମୁଖ୍ୟ ଉପଦେଷ୍ଟା, ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫–'ଟି') ଏବଂ ରାଜ୍ୟ ସରକାରଙ୍କ ଅନ୍ୟ ବରିଷ୍ଠ ଅଧିକାରୀମାନେ ଏହି ଅବସରରେ ଉପସ୍ଥିତ ଥିଲେ ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଆଜି ଜାତୀୟ ସୁରକ୍ଷା ଦିବସ ଅବସରରେ ନିଜକୁ ସୁରକ୍ଷିତ ରଖିବା ଉଦ୍ଦେଶ୍ୟରେ ସୁରକ୍ଷା ନିୟମ ଏବଂ ବୈଜ୍ଞାନିକ ପଦ୍ଧତିରେ ଦୁର୍ଘଟଣା ରୋକିବା ଉପରେ ସଚେତନତା ସୃଷ୍ଟି ପାଇଁ ଆହ୍ୱାନ ଦେଇଛନ୍ତି । ମାନ୍ୟବର ମୁଖ୍ୟମନ୍ତ୍ରୀ ବହୁମୂଲ୍ୟ ଜୀବନ ବଞ୍ଚାଇବା ନିମନ୍ତେ ସ୍ୱାସ୍ଥ୍ୟ ତଥା ଗୃହ, କାର୍ଯ୍ୟାଳୟ, କର୍ମକ୍ଷେତ୍ର ଏବଂ ସଡ଼କରେ ସୁରକ୍ଷା ନିୟମାବଳୀ ମାନିବାକୁ ପରାମର୍ଶ ଦେଇଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ସିମିଳିପାଳ ଜାତୀୟ ଉଦ୍ୟାନରେ ନିଆଁ ଲାଗିବା ପରେ ସ୍ଥିତିର ସମୀକ୍ଷା କରିଛନ୍ତି ଏବଂ ଏହାକୁ ନିୟନ୍ତ୍ରଣ କରିବା ପାଇଁ ପ୍ରତିଷେଧକ ପଦକ୍ଷେପ ନେବାକୁ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି । ସିମିଳିପାଳ କେବଳ ଦେଶ ନୁହେଁ ବରଂ ସମଗ୍ର ବିଶ୍ୱ ପାଇଁ ଏକ ଅମୂଲ୍ୟ ସଂପଦ ବୋଲି ସେ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କୁ ସଂପୃକ୍ତ ଅଧିକାରୀବୃନ୍ଦ ଅବଗତ କରାଇଛନ୍ତି ଯେ ଜଙ୍ଗଲ ନିଆଁ ନିୟନ୍ତ୍ରଣାଧୀନ ରହିଛି ଏବଂ କୌଣସି ପ୍ରାଣୀଙ୍କର ମୃତ୍ୟୁ ହୋଇନାହିଁ କିମ୍ୱା କୌଣସି ବଡ଼ ଗଛର କ୍ଷତି ହୋଇନାହିଁ । ପରିସ୍ଥିତିର ମୁକାବିଲା ପାଇଁ ମାର୍ଗଦର୍ଶିକା ଜାରି କରାଯାଇଛି ଏବଂ ବରିଷ୍ଠ ଅଧିକାରୀମାନେ ଘଟଣାସ୍ଥଳରେ ରହି ଦୈନନ୍ଦିନ ଅଦ୍ୟତନ ସୂଚନା ଦେଉଛନ୍ତି ବୋଲି ସେ କହିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କୋରାପୁଟ ଜିଲ୍ଲାର କାଞ୍ଚିରିଗୁଡ଼ା ବିକେନ୍ଦ୍ରୀକୃତ ମିଲିଂ କେନ୍ଦ୍ର ମାଧ୍ୟମରେ ଘରୋଇ ଆୟ ବୃଦ୍ଧି କରିଥିବା ମହିଳା ସ୍ୱୟଂ ସହାୟକ ଗୋଷ୍ଠୀର କାହାଣୀ ମଧୁବନୀ ଚିତ୍ର ମାଧ୍ୟମରେ ସୁନ୍ଦର ଭାବେ ବର୍ଣ୍ଣିତ ହୋଇଛି ଓ ଏହା ମିଶନ ଶକ୍ତି ମାଧ୍ୟମରେ ୮୦ ଲକ୍ଷ ମହିଳାଙ୍କ ଜୀବନଧାରାରେ ପରିବର୍ତ୍ତନକୁ ଯଥାର୍ଥ ଭାବେ ପ୍ରତିଫଳିତ କରୁଛି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଭାରତ ସରକାରଙ୍କ ଗୃହ ନିର୍ମାଣ ଏବଂ ସହରୀ ବ୍ୟାପାର ମନ୍ତ୍ରାଳୟ ଦ୍ୱାରା 'ସହଜ ଜୀବନଯାପନ ସୂଚକାଙ୍କ ୨୦୨୦'ରେ ଭାରତର ୧୦ ଲକ୍ଷରୁ କମ ଜନସଂଖ୍ୟାବିଶିଷ୍ଟ ୬୨ଟି ସହର ମଧ୍ୟରେ ଭୁବନେଶ୍ୱର ଦ୍ୱିତୀୟ ସ୍ଥାନ ଅଧିକାର କରି ଏକ ଉଲ୍ଲେଖନୀୟ ସଫଳତା ହାସଲ କରିଥିବାରୁ ଖୁସି ବ୍ୟକ୍ତ କରିଛନ୍ତି । ଜୀବନଧାରଣରେ ଗୁଣାତ୍ମକତା, ଅର୍ଥିକ ସାମର୍ଥ୍ୟ, ପୋଷଣୀୟତା ଓ ପ୍ରତିରୋଧୀ କ୍ଷମତା ପରି ସୂଚକାଙ୍କରେ ରାଜଧାନୀ ସହରକୁ ଆକଳନ କରାଯାଇଥିଲା ବୋଲି ସେ କହିଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୮୪,୦୫,୦୪୨ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୭,୫୨୯ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୩୪, ୭୬୭ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୧୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୭୯୨ ରହିଛି ।
- ୭୯୨ ଜଣ ହସ୍ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'